ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/COVID-19(OD)/ 37/08-04-2021

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୮ ଅପ୍ରେଲ, ୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ରାଜ୍ୟର ବିଭିନ୍ନ ଜିଲ୍ଲା, ବ୍ଲକ୍ ଏବଂ ପଞ୍ଚାୟତମାନଙ୍କରେ ଥିବା ଅବ୍ୟବହୃତ ସରକାରୀ ସଂପତ୍ତିକୁ ସଂପୃକ୍ତ ଜିଲ୍ଲାର ଜିଲ୍ଲା, ବ୍ଲକ୍ ଓ ପଞ୍ଚାୟତ ସ୍ତରରେ ଥିବା ମିଶନ ଶକ୍ତି ମହାସଂଘମାନଙ୍କୁ ଦୁଇ ମାସ ମଧରେ ହସ୍ତାନ୍ତର କରିବା ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଆମର ପଞ୍ଚାୟତଠାରୁ ଆରମ୍ଭ କରି ବ୍ଲକ୍ ଓ ଜିଲ୍ଲାମାନଙ୍କରେ ରହିଛି ଅନେକ ଅବ୍ୟବହୃତ ସରକାରୀ ସଂପତ୍ତି ଯଥା-ସରକାରୀ କୋଠା, ଦୋକାନ ଘର, ଗାଡ଼ିଆପୋଖରୀ ଇତ୍ୟାଦି । ଏଗୁଡ଼ିକୁ ସଂପୃକ୍ତ ଜିଲ୍ଲା, ବ୍ଲକ୍ ଓ ପଞ୍ଚାୟତରେ ଥିବା ମିଶନ ଶକ୍ତି ମହାସଂଘମାନଙ୍କୁ ଦିଆଗଲେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀମାନେ ଏହାକୁ ସେ ଅଞ୍ଚଳର ସାମାଜିକ ଓ ଆର୍ଥିକ ବିକାଶରେ ଲଗାଇପାରିବେ ବୋଲି ମତବ୍ୟକ୍ତ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଏହା ଦ୍ୱାରା ସାଧାରଣ ଲୋକ ଉପକାର ପାଇବେ ଏବଂ ମିଶନ ଶକ୍ତିର ମା'ମାନେ ତାକୁ ଆର୍ଥିକ କାର୍ଯ୍ୟରେ ଲଗାଇପାରିବେ ବୋଲି ପ୍ରକାଶ କରିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ମହିଳାମାନଙ୍କ ସଶକ୍ତିକରଣ ସବୁବେଳେ ତାଙ୍କ ସରକାରର ପ୍ରାଥମିକତା ରହିଆସିଛି । ମିଶନ ଶକ୍ତି ଆଜି ପରବର୍ତ୍ତନର କର୍ଣ୍ଣଧାର ହୋଇଛି । ମା'ମାନଙ୍କର ଏହି ନୀରବ ଆନ୍ଦୋଳନକୁ ଆହୁରି ମଜବୁତ କରିବାରେ ଏହି ପଦକ୍ଷେପ ସହାୟକ ହେବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ରାଜ୍ୟ ସାଗରମାଳା କମିଟିର ପ୍ରଥମ ବୈଠକକୁ ସମ୍ବୋଧିତ କରି କହିଛନ୍ତି ଯେ ସୁଦୀର୍ଘ ଉପକୂଳର ଅନୁକୂଳ ସୁବିଧା ଯୋଗୁଁ ରାଜ୍ୟ ଏକ ପ୍ରମୁଖ ପରିବହନ ଓ ଗମନାଗମନ ଲକ୍ଷ୍ୟସ୍ଥଳ ଭାବେ ଉଭା ହୋଇପାରିବ ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଶିଳ୍ପାୟନ ଏବଂ ଯୋଗାଯୋଗ ଜରିଆରେ ବନ୍ଦରଭିତ୍ତିକ ଉନ୍ନତି ସାଗରମାଳା ପ୍ରକଳ୍ପର ପ୍ରମୁଖ ଲକ୍ଷ୍ୟ ହୋଇଥିବାବେଳେ ଏହି ଅଭିଯାନର ଅଂଶସ୍ୱରୂପ ରାଜ୍ୟ ସରକାର ଉପକୂଳ ଗୋଷ୍ଠୀଭିତ୍ତିକ ବିକାଶକୁ ପ୍ରାଥମିକତା ଦେଉଛନ୍ତି ।

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'

- ମାନ୍ୟବର ମୁଖ୍ୟମନ୍ତ୍ରୀ ସାମୁଦ୍ରିକ ବାଣିଜ୍ୟରେ ଓଡ଼ିଶାର ସମୃଦ୍ଧ ସାଂସ୍କୃତିକ ଐତିହ୍ୟ ସଂପର୍କରେ ଉଲ୍ଲେଖ କରି କହିଛନ୍ତି ଯେ ରାଜ୍ୟ ଦକ୍ଷିଣ-ପୂର୍ବ ଏସୀୟ ଦେଶ ପାଇଁ ଭାରତର ପ୍ରବେଶ ଦ୍ୱାର ହୋଇପାରିବ । ବନ୍ଦର ବିକାଶ କାର୍ଯ୍ୟର ସମୀକ୍ଷା କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟ ସରକାର ପାରାଦ୍ୱୀପ ବନ୍ଦର ସମେତ ଉପକୂଳର ଉନ୍ନତି ପାଇଁ କାର୍ଯ୍ୟ କରୁଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଖୁବ୍ ଶୀଘ୍ର କାର୍ଯ୍ୟକ୍ଷମ ହେବାକୁ ଥିବା ରାଜ୍ୟ ସାମୁଦ୍ରିକ ବୋର୍ଡ ସାମୁଦ୍ରିକ କ୍ଷେତ୍ରରେ ସାମଗ୍ରିକ ବିକାଶ ପାଇଁ ଏକ ଅଣୁଘଟକ ଭାବେ କାର୍ଯ୍ୟ କରିବ ବୋଲି ଉଲ୍ଲେଖ କରି ବିଭିନ୍ନ ବିଭାଗ ସହ ସମନ୍ୱୟ ରକ୍ଷାପୂର୍ବକ ସାଗରମାଳା ଅଧୀନସ୍ଥ ପ୍ରକଳ୍ପଗୁଡ଼ିକୁ ଠିକ୍ ସମୟରେ ସମାପ୍ତ କରିବା ଏବଂ ପ୍ରକଳ୍ପଗୁଡ଼ିକୁ ପ୍ରାଥମିକତା ଦେବା ଉପରେ ଗୁରୁତ୍ୱ ଦେଇଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଅବସରପ୍ରାପ୍ତ ଅଧିକାରୀ ଓ କର୍ମଚାରୀଙ୍କ ପେନ୍‌ସନ୍ ସମ୍ବନ୍ଧିତ ଅଭିଯୋଗର ତ୍ୱରିତ ବିଚାର ପାଇଁ ରାଜ୍ୟ ସରକାର କରିଥିବା ସ୍ୱତନ୍ତ୍ର ଅଦାଲତ ଅନ୍‌ଲାଇନ୍ ମାଧ୍ୟମରେ ଆୟୋଜିତ ହେଉଛି । କୋଭିଡ୍ ସଂକ୍ରମଣକୁ ଦୃଷ୍ଟିରେ ରଖି ଏପରି ଅଭିନବ ଉପାୟ ଆପଣା ଯାଇଥିବାବେଳେ ଜୁନ୍ ୩୦ ସୁଦ୍ଧା ସମସ୍ତ ଦରଖାସ୍ତର ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରାଯିବ ବୋଲି ସେ କହିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଜାତୀୟ ରେକର୍ଡଧାରୀ ଓଡ଼ିଶାର ସାଇକେଲ୍ ଚାଳନା ପ୍ରତିଯୋଗୀ ସ୍ୱସ୍ତି ସିଂଙ୍କୁ ତାଙ୍କର ଉଲ୍ଲେଖନୀୟ ସଫଳତା ପାଇଁ ସମ୍ବର୍ଦ୍ଧିତ କରିବା ସହ ୨ ଲକ୍ଷ ଟଙ୍କାର ପ୍ରୋତ୍ସାହନ ରାଶି ପ୍ରଦାନ କରିଛନ୍ତି । ନିକଟରେ ଅନୁଷ୍ଠିତ ୨୫ତମ ଜାତୀୟ ରୋଡ୍ ସାଇକ୍ଲିଂ ଚମ୍ପିଅନ୍‌ସିପ୍‌ରେ ସ୍ୱସ୍ତି ଦୁଇଟି ସ୍ୱର୍ଣ୍ଣ ପଦକ ବିଜୟିନୀ ହୋଇଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୨,୭୫,୬୩୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୪୫, ୫୨୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୮, ୬୬୨ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୨୩ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪୮୮୮ ରହିଛି ।
- ୪୮୮୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**